# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**18 August– 2026**

# ବନ୍ୟା / ପାଣିପାଗ

ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ଅବପାତର ରୂପ ନେବା ପରେ ଏହା ଉତ୍ତର, ଉତ୍ତର-ପଶ୍ଚିମ ଦିଗକୁ ଗତି କରୁଛି । ଏହାର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗି ରହିଛି । ଆଞ୍ଚଳିକ ପାଣିପାଗ

ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି ଘଡ଼ଘଡ଼ି ସହ ଅତିପ୍ରବଳ ବର୍ଷା ହେବା ନେଇ ସୁନ୍ଦରଗଡ଼, ଝାରସୁଗୁଡ଼ା ଓ ବରଗଡ଼ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ସେହିଭଳି ସମ୍ବଲପୁର, ଦେବଗଡ଼, କେନ୍ଦୁଝର, ସୁବର୍ଣ୍ଣପୁର, ଝାରସୁଗୁଡ଼ା ଓ ବଲାଙ୍ଗୀର ଜିଲ୍ଲାରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ଗତକାଲି ସକାଳ ସୁଦ୍ଧା ବାଲେଶ୍ୱର ଜିଲ୍ଲାର ଭୋଗରାଇଠାରେ ସର୍ବାଧିକ ୨୧୭ ମିଲିମିଟର ବର୍ଷା ରେକର୍ଡ ହୋଇଥିଲା ।

ଲଗାଣ ବର୍ଷା ଯୋଗୁଁ ବିଭିନ୍ନ ନଦୀର ଜଳସ୍ତର ବୃଦ୍ଧି ପାଇବାରେ ଲାଗିଛି । ବୈତରଣୀ, ଜଳକା, ବୁଢ଼ାବଳଙ୍ଗ ନଦୀର ଜଳସ୍ତର ବିପଦ ସଂକେତ ଉପରେ ପ୍ରବାହିତ ହେଉଛି । ଗତକାଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯାଜପୁର ଓ ଭଦ୍ରକର ବନ୍ୟା ପ୍ରଭାବିତ ଅଞ୍ଚଳ ପରିଦର୍ଶନ କରି ସ୍ଥିତି ଅନୁଧ୍ୟାନ କରିଥିଲେ । ଏ ସଂପର୍କରେ ସମୀକ୍ଷା କରି ମୁଖ୍ୟମନ୍ତ୍ରୀ

କ୍ଷୟକ୍ଷତିର ଆକଳନ କରି ପ୍ରଭାବିତଙ୍କୁ ତୁରନ୍ତ କ୍ଷତିପୂରଣ ଦେବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି ।

ସ୍ୱତନ୍ତ୍ର ରିଲିଫ୍ କମିଶନରଙ୍କ ରିପୋର୍ଟ ଅନୁଯାୟୀ ରାଜ୍ୟରେ ବନ୍ୟା ଯୋଗୁଁ ୬ଟି ଜିଲ୍ଲାର ୬୬ଟି ବ୍ଲକର ୭ ଲକ୍ଷ ୮୫ ହଜାରରୁ ଅଧିକ ଲୋକ ପ୍ରଭାବିତ ହୋଇଛନ୍ତି । ବାଲେଶ୍ୱରରେ ସର୍ବାଧିକ ୨ ଲକ୍ଷ ୩ ହଜାରରୁ ଅଧିକ ଲୋକ ବନ୍ୟା ଦ୍ୱାରା ପ୍ରଭାବିତ ହୋଇଛନ୍ତି ।

କେନ୍ଦ୍ରାପଡ଼ାର ବିଭିନ୍ନ ଅଞ୍ଚଳରେ ସୃଷ୍ଟି ହୋଇଥିବା ବନ୍ୟାରେ ୬ଟି ବ୍ଲକର ୬୫ଟି ଗ୍ରାମପଞ୍ଚାୟତର ୧୩୭ଟି ଗ୍ରାମ ଏବଂ ପଟ୍ଟାମୁଣ୍ଡାଇ ପୌରପାଳିକାର ୧୧ଟି ୱାର୍ଡର ୧ଲକ୍ଷ ୪୮ ହଜାର ୩୧୫ ଜଣ ଲୋକ ପ୍ରଭାବିତ ହୋଇଛନ୍ତି ।

ଗତକାଲି ସନ୍ଧ୍ୟା ସୁଦ୍ଧା ୨ ଲକ୍ଷ ୭୭ହଜାରରୁ ଊର୍ଦ୍ଧ୍ୱ ଲୋକଙ୍କୁ ନିରାପଦ ସ୍ଥାନକୁ ସ୍ଥାନାନ୍ତରିତ କରାଯାଇଥିବା ସରକାରଙ୍କ ପକ୍ଷରୁ କୁହାଯାଇଛି ।

ବନ୍ୟା ଜନିତ ପରିସ୍ଥିତିକୁ ଦୃଷ୍ଟିରେ ରଖି ଭଦ୍ରକ ଜିଲ୍ଲାର ୬ଟି ବ୍ଲକର ସମସ୍ତ ବିଦ୍ୟାଳୟ ଓ ଅଙ୍ଗନବାଡ଼ି କେନ୍ଦ୍ର ଏବଂ ଯାଜପୁର ଜିଲ୍ଲାର ସମସ୍ତ ଶିକ୍ଷାନୁଷ୍ଠାନ ଆଜି ପାଇଁ ବନ୍ଦ ଘୋଷଣା କରାଯାଇଛି ।

........................................................................

## ହୀରାକୁଦ

ହୀରାକୁଦ ଜଳଭଣ୍ଡାରର ୭ଟି ଗେଟ୍ ଦେଇ ବନ୍ୟାଜଳ ନିଷ୍କାସିତ ହେଉଥିବା ବେଳେ ବର୍ତ୍ତମାନ ଏହାର ଜଳସ୍ତର ୬୧୯ ଦଶମିକ ୭/୫ ଘନଫୁଟ ରହିଛି। ଜଳଭଣ୍ଡାରକୁ ପ୍ରତି ସେକେଣ୍ଡରେ ୧ ଲକ୍ଷ ୯୧ ହଜାର ୩୩୩ ଘନଫୁଟ ଜଳ ପ୍ରବେଶ କରୁଥିବା ବେଳେ ୧ଲକ୍ଷ ୪୩ ହଜାର ୬୫୯ ଘନଫୁଟ ନିଷ୍କାସିତ ହେଉଛି ।

---

## ଡିଜିପି-ସୁପ୍ରିମକୋର୍ଟ

ରାଜ୍ୟର ପୋଲିସ୍ ମହାନିର୍ଦ୍ଦେଶକ ଚୟନ ପ୍ରକ୍ରିୟା ନେଇ ଆଗତ ଜନସ୍ୱାର୍ଥ ମାମଲାର ଆଜି ସର୍ବୋଚ୍ଚ ନ୍ୟାୟାଳୟରେ ଶୁଣାଣି ହେବ । ରାଜ୍ୟ ସରକାର ଏବଂ କେନ୍ଦ୍ରୀୟ ଲୋକସେବା ଆୟୋଗ ଶୁଣାଣି ସମୟରେ ନିଜ ନିଜ ପକ୍ଷ ରଖିବେ । ୩ ଜଣିଆ ଖଣ୍ଡପୀଠରେ ଏହି ଶୁଣାଣି ହେବ ବୋଲି ଜଣାପଡ଼ିଛି ।

---

## ଶିଳ୍ପମନ୍ତ୍ରୀ ବୈଠକ

ଦେଶର ପ୍ରମୁଖ ଦକ୍ଷତା ବିକାଶ କେନ୍ଦ୍ର ଭାବେ ଓଡ଼ିଶା ଉଭା ହୋଇଛି ବୋଲି ଶିଳ୍ପ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷାମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ କହିଛନ୍ତି । କୋଲକାତାଠାରେ ଆଞ୍ଚଳିକ ଦକ୍ଷତା ବିକାଶ ମନ୍ତ୍ରୀ ସମ୍ମିଳନୀ ‘କୌଶଳ ମନ୍ଥନ’ କାର୍ଯ୍ୟକ୍ରମରେ ଯୋଗଦେଇ ମନ୍ତ୍ରୀ କହିଛନ୍ତି, ୨୦୪୭ ସୁଦ୍ଧା ବିକଶିତ ଭାରତ ସ୍ୱପ୍ନକୁ ସାକାର କରିବା ଲାଗି ଆଇଟିଆଇ ଗୁଡ଼ିକର

ଆଧୁନିକୀକରଣ, ବିଶ୍ୱ ଦକ୍ଷତା କେନ୍ଦ୍ରର ସଂପ୍ରସାରଣ ଏବଂ ଶିଳ୍ପ ଭିତ୍ତିକ ଉତ୍କର୍ଷ କେନ୍ଦ୍ର ପ୍ରତିଷ୍ଠା ପାଇଁ ପଦକ୍ଷେପ ଗ୍ରହଣ କରାଯାଇଛି ।

## ନାମଲେଖା

ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ୨୦୨୬-୨୭ ଶିକ୍ଷାବର୍ଷ ଲାଗି ସ୍ନାତକୋତ୍ତର ପାଠ୍ୟକ୍ରମରେ ନାମଲେଖା ପାଇଁ ଦ୍ୱିତୀୟ ପର୍ଯ୍ୟାୟ ମେଧା ତାଲିକା ପ୍ରକାଶ ପାଇଛି । ଏହି ପର୍ଯ୍ୟାୟରେ ମୋଟ୍ ୯୩୪ ଜଣ ଛାତ୍ରଛାତ୍ରୀଙ୍କ ଚୟନ ହୋଇଛି । ଚଳିତବର୍ଷ ରାଜ୍ୟରେ ୨୧ଟି ବିଶ୍ୱବିଦ୍ୟାଳୟ ଏବଂ ୧୧୪ଟି ମହାବିଦ୍ୟାଳୟରେ ମୋଟ୍ ୩୨ ହଜାର ୫୬୩ଟି ସିଟ୍ ରହିଛି ।

## ପ୍ରସ୍ତୁତି ବୈଠକ

କେନ୍ଦ୍ରାପଡ଼ା ଜିଲ୍ଲାରେ ରାସାୟନିକ ଦୁର୍ଘଟଣାର ମୁକାବିଲା ନିମନ୍ତେ ପ୍ରସ୍ତୁତି ବୈଠକ ହୋଇଯାଇଛି । ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଜରୁରୀକାଳୀନ ସଂସ୍ଥା ଏବଂ ବିପଜ୍ଜନକ ଶିଳ୍ପସଂସ୍ଥାର ପ୍ରତିନିଧିମାନେ ଯୋଗଦେଇ ବିଭିନ୍ନ ବିଭାଗ ମଧ୍ୟରେ ସୂଚନା ଆଦାନ ପ୍ରଦାନ ଓ ବିଭାଗୀୟ ସମନ୍ୱୟ ଉପରେ ଗୁରୁତ୍ୱଆରୋପ କରିଥିଲେ ।

## ସୂର୍ଯ୍ୟରଥ

ପ୍ରଧାନମନ୍ତ୍ରୀ ସୂର୍ଯ୍ୟଘର ମୁକ୍ତ ବିଜୁଳି ଯୋଜନା ଅଧୀନରେ ରୁଫ୍‌ଟପ୍ ସୋଲାର ସଂପର୍କରେ ସଚେତନତା ସୃଷ୍ଟି କରି କେନ୍ଦ୍ରାପଡ଼ା ଜିଲ୍ଲାରେ ସୂର୍ଯ୍ୟରଥର ଶୁଭାରମ୍ଭ ହୋଇଛି । କେନ୍ଦ୍ରାପଡ଼ା ଜିଲ୍ଲାପାଳଙ୍କ ଦ୍ୱାରା ଆରମ୍ଭ

କରାଯାଇଥିବା ଏହି ସୂର୍ଯ୍ୟରଥ’ ସରକାରୀ ସହାୟତା ଏବଂ ସଂଯୋଗ ପ୍ରକ୍ରିୟା ସଂପର୍କରେ ସଚେତନ କରିବ ।

## ଏସଆଇଆର

ନୟାଗଡ଼ ଜିଲ୍ଲାରେ ସ୍ୱତନ୍ତ୍ର ସଘନ ଭୋଟର ତାଲିକା ସଂଶୋଧନ-ଏସ୍ଆଇଆର୍ ୨୦୨୬ ଅଧୀନରେ ଦାବି ଓ ଆପତ୍ତି ପ୍ରକ୍ରିୟାର ବିଚାର ନେଇ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି ।  ନିୟମ ଅନୁଯାୟୀ, ଦାବି ଓ ଆପତ୍ତିଗୁଡ଼ିକର ଯାଞ୍ଚ ଓ ବିଚାର ଉପରେ ଜିଲ୍ଲାପାଳ ଗୁରୁତ୍ୱ ଦେଇଥିଲେ ।

## ଟ୍ରେନ୍ ବାତିଲ

ଭୁବନେଶ୍ୱର-ରାଉରକେଲା ଇଣ୍ଟରସିଟି ଏକ୍ସପ୍ରେସ୍‌କୁ ଆଜି ପାଇଁ ବାତିଲ କରାଯାଇଛି । ପୂର୍ବତଟ ରେଳପଥର ସୂଚନା ଅନୁଯାୟୀ ଲିଙ୍କ୍ ଟ୍ରେନ୍ ବିଳମ୍ୱ ଥିବା ଯୋଗୁଁ ଏହି ନିଷ୍ପତ୍ତି ନିଆଯାଇଛି ।

## ତ୍ରିରଙ୍ଗା ଯାତ୍ରା

ନୟାଗଡ଼ ଜିଲ୍ଲା ଖଣ୍ଡପଡ଼ା ବ୍ଲକ ଅନ୍ତର୍ଗତ ବନମାଳିପୁର ଓ ଖାଳିସାହିରେ ବିଧାୟକ ଦୁଷ୍ମନ୍ତ କୁମାର ସ୍ୱାଇଁଙ୍କ ନେତୃତ୍ୱରେ ତ୍ରିରଙ୍ଗା ଯାତ୍ରା ଅନୁଷ୍ଠିତ ହୋଇଛି । ଆୟୋଜିତ ଶୋଭାଯାତ୍ରାରେ ବିଭିନ୍ନ ବର୍ଗର ଲୋକମାନେ ସାମିଲ ହୋଇଥିଲେ ।

# ବ୍ୟାଡମିଣ୍ଟନ

ଭୁବନେଶ୍ୱରଠାରେ ଆସନ୍ତାମାସ ୩ରୁ *୬* ତାରିଖ ପର୍ଯ୍ୟନ୍ତ ପୂର୍ବାଞ୍ଚଳ ବ୍ୟାଡମିଣ୍ଟନ ପ୍ରତିଯୋଗିତା ଅନୁଷ୍ଠିତ ହେବ । ଏଥିପାଇଁ ଓଡ଼ିଶା ଦଳ ଘୋଷଣା କରାଯାଇଛି । ପ୍ରତିଯୋଗିତାରେ ଓଡ଼ିଶା ସମେତ ବିହାର, ଝାଡ଼ଖଣ୍ଡ, ପଶ୍ଚିମବଙ୍ଗ, ଉତ୍ତରପ୍ରଦେଶ ଓ ଉତ୍ତରାଖଣ୍ଡର ଖେଳାଳିମାନେ ଅଂଶ ଗ୍ରହଣ କରିବେ ।